# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**10 July - 2024**

**News Editor : Itishree Singh Rathaur**

*********************************

## ମୁଖ୍ୟ ସମ୍ବାଦ

- ରାଜ୍ୟ କ୍ୟାବିନେଟ୍ ବୈଠକରେ ୫ଟି ପ୍ରସ୍ତାବକୁ ମଞ୍ଜୁରୀ;

— ଓଡ଼ିଆ ଅସ୍ମିତା ପାଇଁ ୨୦୦ କୋଟି ଟଙ୍କାର ସ୍ୱତନ୍ତ୍ର ପାଣ୍ଠି; ଶ୍ରମିକଙ୍କ ସର୍ବନିମ୍ନ ମଜୁରୀ ବୃଦ୍ଧି

- ରାଜ୍ୟସ୍ତରୀୟ ଏକକ ବାତାୟନ ଅନୁମୋଦନ କମିଟି ବୈଠକରେ ୫ ହଜାର ୯୯୨ କୋଟି ଟଙ୍କାର ୧୪ଟି ପ୍ରସ୍ତାବକୁ ଅନୁମତି

- ପୁରୀ ଶ୍ରୀମନ୍ଦିର ପରିଚାଳନା କମିଟି ବୈଠକରେ ରତ୍ନଭଣ୍ଡାର ଯାଞ୍ଚ ନେଇ ଜଷ୍ଟିସ୍ ବିଶ୍ୱନାଥ ରଥ କମିଟିଙ୍କ ମାର୍ଗଦର୍ଶିକା ଉପରେ ଆଲୋଚନା

ଏବଂ

- ମୌସୁମୀର ପ୍ରଭାବରେ ରାଜ୍ୟର ୧୪ଟି ଜିଲ୍ଲାରେ ଘଡଘଡି ସହ ବର୍ଷା ସମ୍ଭାବନା

## କ୍ୟାବିନେଟ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଆଜି ରାଜ୍ୟ କ୍ୟାବିନେଟର ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଛି।  ଏହି ବୈଠକରେ ୫ଟି ପ୍ରସ୍ତାବକୁ ଅନୁମୋଦନ ମିଳିଛି।  ସରକାର ଶ୍ରମିକଙ୍କ ସର୍ବନିମ୍ନ ମଜୁରୀ ୩୫୨ରୁ ୪୫୦ ଟଙ୍କାକୁ ବୃଦ୍ଧି କରିଛନ୍ତି। ଶ୍ରମିକଙ୍କ ବ୍ୟତୀତ ଅଣକୁଶଳୀ, ଅର୍ଦ୍ଧକୁଶଳୀ, କୁଶଳୀ ଓ ଉଚ୍ଚ କୁଶଳୀଙ୍କ ମଜୁରୀ ବଢ଼ିଛି। ଅଣକୁଶଳୀଙ୍କ ମଜୁରୀ ୩୫୨ରୁ ୪୫୦ ଟଙ୍କାକୁ ବଢ଼ିବା ସହ କୁଶଳୀଙ୍କ ମଜୁରୀ ୩୯୨ରୁ ୫୦୦ ଓ ଉଚ୍ଚ କୁଶଳୀଙ୍କ ମଜୁରୀ ୫୦୨ରୁ ୬୦୦କୁ ବୃଦ୍ଧି କରିବାକୁ ନିଷ୍ପତ୍ତି ହୋଇଛି।

ଓଡ଼ିଆ ଅସ୍ମିତା ପାଇଁ ୨୦୦ କୋଟି ଟଙ୍କାର ସ୍ୱତନ୍ତ୍ର ପାଣ୍ଠି ପ୍ରସ୍ତାବକୁ ମଞ୍ଜୁରୀ ମିଳିଛି। ରାଜ୍ୟରେ ଓଡ଼ିଆ ଅସ୍ମିତା ଭବନ ନିର୍ମାଣ, ଓଡ଼ିଆ ଅନୁବାଦ ଏକାଡେମୀ ପ୍ରତିଷ୍ଠା, ବାଲିଯାତ୍ରାକୁ ଅନ୍ତର୍ଜାତୀୟ ଉତ୍ସବ ମାନ୍ୟତା, ତାଳ ପାତ୍ର ପୋଥି ସଂଗ୍ରହ, କଳାକାର ଗୌରବ ନିଧି ଯୋଜନା, ଜାତୀୟ ବିଶ୍ୱ ବିଦ୍ୟାଳୟରେ ଓଡ଼ିଆ ଚେୟାର ପ୍ରତିଷ୍ଠା ପାଇଁ କ୍ୟାବିନେଟ୍ ବୈଠକରେ ସ୍ଥିର କରାଯାଇଛି।

ସେହିପରି ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷା କାର୍ଯ୍ୟକ୍ରମ ପ୍ରାଧିକରଣ ଦ୍ୱାରା ୧୮ ହଜାର ୭୮୮ ଜଣ ପ୍ରାର୍ଥୀଙ୍କ ଚୟନ ତାଲିକା ପ୍ରକାଶ ନିମନ୍ତେ ପ୍ରସ୍ତାବ ଗ୍ରହଣ କରାଯାଇଛି।

ଏହି ଆଧାରରେ ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗକୁ ନିର୍ଦ୍ଦେଶ ଦିଆଯାଇଛି । ସୂଚନାଅନୁସାରେ, ରାଜ୍ୟର ପ୍ରାଥମିକ ଓ ଉଚ୍ଚପ୍ରାଥମିକ ବିଦ୍ୟାଳୟଗୁଡ଼ିକରେ ୨୦ ହଜାର କନିଷ୍ଠ ଶିକ୍ଷକ ନିଯୁକ୍ତି ପାଇଁ ବିଜ୍ଞାପନ ପ୍ରକାଶ ପାଇଥିଲା । ଏହି ମାମଲାର ବିଚାର କରି ଓଡ଼ିଶା ହାଇକୋର୍ଟ କମ୍ପ୍ୟୁଟର ବେସଡ୍ ଟେଷ୍ଟ ଆଧାରରେ ଆବେଦନକାରୀଙ୍କ ଯୋଗ୍ୟତା ଭିତ୍ତିକ ତାଲିକା ପ୍ରସ୍ତୁତ କରିବାକୁ ନିର୍ଦ୍ଦେଶ ଦେଇଥିଲେ ।

ରାଜ୍ୟରେ ବିଭିନ୍ନ ଉଠା ଜଳସେଚନ ପ୍ରକଳ୍ପକୁ ସଚଳ କରିବା ଏବଂ ପୁରୁଣା ସଚଳ ପ୍ରକଳ୍ପକୁ ସୁଦୃଢ଼ କରିବା ପାଇଁ କ୍ୟାବିନେଟରେ ନିଷ୍ପତ୍ତି ନିଆଯାଇଛି । ଏହାଦ୍ୱାରା ଉଠା ଜଳସେଚନର ବିଭାଗର ୨ ହଜାର ୬୫ଟି ଅଚଳ ପ୍ରକଳ୍ପକୁ ସଚଳ କରାଯିବ । ଏହାଦ୍ୱାରା ୫୯ ହଜାର ୨୯୨ ହେକ୍ଟର ଚାଷଜମିକୁ ପୁନଃ ଜଳସେଚିତ କରାଯିବ ।

ସେହିଭଳି ରାଜ୍ୟର ସମସ୍ତ ଯୋଗ୍ୟ କୃଷକ ପରିବାରଙ୍କୁ ପ୍ରଧାନମନ୍ତ୍ରୀ କିଷାନ ଯୋଜନାରେ ଆର୍ଥିକ ସହାୟତା ଦେବା ପାଇଁ କେନ୍ଦ୍ର ସରକାରଙ୍କ ମାର୍ଗଦର୍ଶିକାକୁ ଅବଲମ୍ବନ କରାଯିବ ବୋଲି ନିଷ୍ପତ୍ତି ହୋଇଛି । ଏହାସହ ଏକ ସ୍ୱତନ୍ତ୍ର ଅଭିଯାନ ମାଧ୍ୟମରେ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ସାମିଲ କରାଯିବ ।

## ଅନୁମୋଦନ କମିଟି ବୈଠକ

ମୁଖ୍ୟ ଶାସନ ସଚିବ ମନୋଜ କୁମାର ଆହୁଜାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏକକ ବାତାୟନ ଅନୁମୋଦନ କମିଟି ବୈଠକରେ ୫ ହଜାର ୯୯୨ କୋଟି ୯୨ ଲକ୍ଷ ଟଙ୍କାର ୨୬ଟି ପ୍ରକଳ୍ପକୁ ମଞ୍ଜୁରୀ ମିଳିଛି । ଏଥିରେ ୧୪ଟି ଜିଲ୍ଲାରେ

ଷ୍ଟିଲ୍, ନବୀକରଣ ଉର୍ଜା, ହସ୍ତତନ୍ତ, ଖାଦ୍ୟ ପ୍ରକ୍ରିୟାକରଣ, ପର୍ଯ୍ୟଟନ ଆଦି ଶିଳ୍ପ ପ୍ରତିଷ୍ଠା ନେଇ ଅନୁମୋଦନ ମିଳିଛି। ଏହି ପ୍ରକଳ୍ପଗୁଡ଼ିକ ପ୍ରତିଷ୍ଠା ହେଲେ ୧୯ ହଜାର ୩୬୪ଟି ନିଯୁକ୍ତି ସୁଯୋଗ ସୃଷ୍ଟି ହେବ। ବୈଠକରେ ମୟୂରଭଞ୍ଜ ଓ ସୁନ୍ଦରଗଡ଼ରେ ଷ୍ଟିଲ୍ ପ୍ଲାଣ୍ଟ, ସମ୍ବଲପୁରର ରେଙ୍ଗାଲିରେ ପାଇପ୍ ଉତ୍ପାଦନ କେନ୍ଦ୍ର ଆଦି ପ୍ରକଳ୍ପକୁ ଅନୁମତି ମିଳିଛି।

## ପରିଚାଳନା କମିଟି ବୈଠକ

ଶ୍ରୀମନ୍ଦିର ପରିଚାଳନା କମିଟି ବୈଠକ ଆଜି ଅନୁଷ୍ଠିତ ହୋଇଯାଇଛି। ଏଥିରେ ରତ୍ନଭଣ୍ଡାର ଯାଞ୍ଚ ନେଇ ଜଷ୍ଟିସ୍ ବିଶ୍ୱନାଥ ରଥ କମିଟି ଦେଇଥିବା ମାର୍ଗଦର୍ଶିକା ଉପରେ ଆଲୋଚନା ହୋଇଥିବାବେଳେ ଆଉ କିଛି ନୂଆ ମାର୍ଗଦର୍ଶିକା ଯୋଡାଯାଇଛି। କମିଟିରେ ଆଲୋଚନା ପରେ ଏହାକୁ ଅନୁମୋଦନ ପାଇଁ ରାଜ୍ୟ ସରକାରଙ୍କ ନିକଟକୁ ପଠାଯାଇଛି।

ଆସନ୍ତା ୧୪ ତାରିଖରେ ରତ୍ନଭଣ୍ଡାର ଖୋଲାଯିବା ନେଇ ଜଷ୍ଟିସ୍ ରଥଙ୍କ କମିଟି ସ୍ଥିର କରିଥିବାବେଳେ ଏ ନେଇ ସରକାରୀ ନିର୍ଦ୍ଦେଶର ଆବଶ୍ୟକତା ରହିଥିବା ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ବୀରବିକ୍ରମ ଯାଦବ କହିଛନ୍ତି।

## ବନକଲାଗି

ପୁରୀ ଶ୍ରୀଗୁଣ୍ଡିଚା ମନ୍ଦିରରେ ଆଜି ମହାପ୍ରଭୁଙ୍କ ବନକଲାଗି ନୀତି ଅନୁଷ୍ଠିତ ହେଉଛି। ଏଥିପାଇଁ ସନ୍ଧ୍ୟା ଧୂପ ପରେ ପ୍ରାୟ ୩ ଘଣ୍ଟା ପାଇଁ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ। ଏନେଇ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି।

ଗତରାତିରେ ରଥ ଉପରୁ ଗୋଟି ପହଣ୍ଡିରେ ଯାଇ ଗୁଣ୍ଡିଚା ମନ୍ଦିର ଆଡ଼ପ ମଣ୍ଡପରେ ଶ୍ରୀଜୀଉମାନେ ବିଜେ କରିଥିଲେ। ମହାପ୍ରଭୁ ଆଜି ସକାଳୁ ଆଡ଼ପ ମଣ୍ଡପରେ ଭକ୍ତଙ୍କୁ ଦର୍ଶନ ଦେଉଛନ୍ତି।

## ଜିଲ୍ଲା ପରିଷଦ ବୈଠକ

**ନବରଙ୍ଗପୁର** ଜିଲ୍ଲା ପରିଷଦର ସାଧାରଣ ବୈଠକ ଆଜି ଅନୁଷ୍ଠିତ ହୋଇଯାଇଛି। ପରିଷଦ ଅଧ୍ୟକ୍ଷ ମୋତିରାମ ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଜିଲ୍ଲାର ବିକାଶ କାର୍ଯ୍ୟକ୍ରମକୁ ଆଗେଇ ନେବା ପାଇଁ ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଉନ୍ନୟନମୂଳକ ଯୋଜନାଗୁଡ଼ିକୁ ତ୍ୱରାନ୍ୱିତ କରିବା ଉପରେ ଆଲୋଚନା କରାଯାଇଛି। ଏଥିସହ ଶିକ୍ଷା, ସ୍ୱାସ୍ଥ୍ୟ, ପାନୀୟ ଜଳ, ଗମନାଗମନ ଓ କୃଷି ଗ୍ରାମୀଣ ବିକାଶ ପ୍ରକଳ୍ପ ସମ୍ପର୍କରେ ସମୀକ୍ଷା କରାଯାଇଛି। ଏହି ବୈଠକରେ ସାଂସଦ, ବିଧାୟକ, ଜିଲ୍ଲାପାଳଙ୍କ ସମେତ ଜିଲ୍ଲାସ୍ତରୀୟ ଅଧିକାରୀମାନେ ଉପସ୍ଥିତ ଥିଲେ।

## ସଚେତନତା ରଥ

**ଗଜପତି** ଜିଲ୍ଲା ସଦର ମହକୁମା ପାରଳାଖେମୁଣ୍ଡିସ୍ଥିତ ପୌର ପରିଷଦ କାର୍ଯ୍ୟାଳୟ ପକ୍ଷରୁ ସ୍ୱଚ୍ଛତା ଅଭିଯାନ ଅବସରରେ 'ସଫେଇ କୋ ଅପନାଓ-ବୀମାରୀ କୋ ଭଗାଓ' ସମ୍ପର୍କିତ ଏକ ସଚେତନତା ରଥର ଶୁଭାରମ୍ଭ ହୋଇଛି। ଏହି ରଥ ଆସନ୍ତା ମାସ ୩୧ ତାରିଖ ପର୍ଯ୍ୟନ୍ତ ପୌର ପରିଷଦର ବିଭିନ୍ନ ଅଂଚଳ ଗସ୍ତ କରି ଲୋକମାନଙ୍କୁ ବର୍ଷା ସମୟରେ ପରିବେଶକୁ ପରିଚ୍ଛନ୍ନ ରଖିବା ସହ ଡେଙ୍ଗୁ, ମ୍ୟାଲେରିଆ ଆଦି ରୋଗରୁ ରକ୍ଷା ପାଇବା ପାଇଁ ସଚେତନ କରାଇବ।

## ପ୍ରଶିକ୍ଷଣ ଶିବିର

**ବୌଦ୍ଧ** ଜିଲ୍ଲା ହରଭଙ୍ଗା ବ୍ଲକ୍‌ସ୍ଥିତ ବୀର ନରସିଂହପୁରଠାରେ ୩ ଦିନିଆ ବ୍ଲକ୍‌ସ୍ତରୀୟ ଜିଜ୍ଞାସା ପ୍ରଶିକ୍ଷଣ ଶିବିର ଉଦ୍‌ଘାଟିତ ହୋଇଯାଇଛି। ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିକ୍ଷକମାନଙ୍କୁ ପ୍ରଶିକ୍ଷଣ ପ୍ରଦାନ କରାଯାଇଛି।

## ଜନଶୁଣାଣି

**ଗଜପତି** ଜିଲ୍ଲାର ପାରଳାଖେମୁଣ୍ଡିଠାରେ ରାଜ୍ୟ ମହିଳା ଆୟୋଗଙ୍କ ଅଦାଲତ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ୧୭ଟି ଅଭିଯୋଗର ଶୁଣାଣି କରାଯାଇଥିଲା। ଏଥିମଧ୍ୟରୁ ୩ଟି ଯୁଗ୍ମ ସମସ୍ୟା ଅଭିଯୋଗ ଏବଂ ୮ଟି ବ୍ୟକ୍ତିଗତ ଅଭିଯୋଗ ଶୁଣାଣି ହୋଇଥିଲା। ପାରିବାରିକ ହିଂସା, ଯୌତୁକ ନିର୍ଯାତନା, ବାଲ୍ୟବିବାହ, ସାଇବର ଅପରାଧ, ସମ୍ପତ୍ତିଗତ ଆଦି ଅଧିକାର ଉଲ୍ଲଙ୍ଘନ ହେଲେ ମହିଳାଙ୍କୁ ନ୍ୟାୟ ପ୍ରଦାନ ପାଇଁ ମହିଳା ଆୟୋଗ ଗଠନ କରାଯାଇଛି ବୋଲି ରାଜ୍ୟ ମହିଳା ଆୟୋଗ ଅଧ୍ୟକ୍ଷା ଡକ୍ଟର ମିନତୀ ବେହେରା ଯୋଗଦେଇ କହିଛନ୍ତି।

## ତୁଳସୀକ୍ଷେତ୍ର ରଥଯାତ୍ରା

ତୁଳସୀକ୍ଷେତ୍ର **କେନ୍ଦ୍ରାପଡ଼ା**ର ଆରାଧ୍ୟ ଦେବତା ଶ୍ରୀବଳଦେବଜୀଉଙ୍କର ରଥ ଶ୍ରୀଗୁଣ୍ଡିଚା ମନ୍ଦିରରେ ପହଞ୍ଚିଯାଇଛି। ଚନ୍ଦନପୋଖରୀ ଛକ ନିକଟରେ ଅଟକି ରହିଥିବା ରଥକୁ ଆଜି ଜାକ୍ ମେସିନ୍ ଲଗାଯାଇ ଟ୍ରାକ୍‌କୁ ଅଣାଯିବା ପରେ ପୂର୍ବାହ୍ଣ ୧୧ଟାରେ ରଥଟଣା ଆରମ୍ଭ କରାଯାଇଥିଲା। ଅପରାହ୍ଣରେ ରଥ ଗୁଣ୍ଡିଚା ମନ୍ଦିର ନିକଟରେ ପହଞ୍ଚିଥିଲା। ଶ୍ରୀଜୀଉମାନଙ୍କୁ ଆଜି ରାତିରେ

ଧାଡି ପହଣ୍ଡିରେ ନିଆଯାଇ ଆଡପମଣ୍ଡପ ବିଜେ କରାଯିବ। ହେରାପଞ୍ଚମୀ ନୀତି ଆସନ୍ତାକାଲି ଅନୁଷ୍ଠିତ ହେବାର କାର୍ଯ୍ୟକ୍ରମ ରହିଛି।

## ଆବେଦନ ତାରିଖ

ଅନ୍ତର୍ଜାତୀୟ ଯୋଗଦିବସ-୨୦୨୪ର ପ୍ରଚାର ପ୍ରସାରରେ ଗଣମାଧ୍ୟମର ସକାରାତ୍ମକ ଭୂମିକା ଓ ଦାୟିତ୍ୱକୁ ଦୃଷ୍ଟିରେ ରଖି ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ତୃତୀୟ ଅନ୍ତରାଷ୍ଟ୍ରୀୟ ଯୋଗ ଦିବସ ଗଣମାଧ୍ୟମ ସମ୍ମାନ-**AYDMS**-୨୦୨୪ ପାଇଁ ଆବେଦନ ଦାଖଲର ଶେଷ ତାରିଖକୁ ଜୁଲାଇ ମାସ ୧୫ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରିଛନ୍ତି। ଗଣମାଧ୍ୟମ ସଂସ୍ଥାଗୁଡ଼ିକ ଏହି ସମ୍ମାନ ପାଇଁ ସେମାନଙ୍କ ଆବେଦନ ଏବଂ ବିଷୟବସ୍ତୁ ଜୁଲାଇ ମାସ ୧୫ ତାରିଖ ସୁଦ୍ଧା **aydms.2024.mib@gmail.com** କୁ ପଠାଇ ପାରିବେ। ଏଥିରେ ଅଂଶଗ୍ରହଣ ପାଇଁ ବିସ୍ତୃତ ମାର୍ଗଦର୍ଶିକା ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ଏବଂ ପତ୍ର ସୂଚନା କାର୍ଯ୍ୟାଳୟ ୱେବ୍‌ସାଇଟ୍‌ରେ ଉପଲବ୍ଧ ହେଉଛି।

## ପାଣିପାଗ

ରାଜ୍ୟରେ ଦକ୍ଷିଣ-ପଶ୍ଚିମ ମୌସୁମୀବାୟୁ ସକ୍ରିୟ ରହିଛି। ମୌସୁମୀର ପ୍ରଭାବରେ କେତେକ ସ୍ଥାନରେ ସ୍ୱଳ୍ପରୁ ମଧ୍ୟମ ଧରଣର ବର୍ଷା ହେଇଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘଡ଼ଘଡ଼ି ସହ ବର୍ଷା ହେବା ନେଇ ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ୧୪ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି।

ଅନ୍ୟପକ୍ଷରେ ରାଜ୍ୟରେ ନିଅଣ୍ଟିଆ ବର୍ଷା ପରିସ୍ଥିତି ଜାରି ରହିଛି । ଗତ ଜୁନ୍ ପହିଲାରୁ ଆଜି ପର୍ଯ୍ୟନ୍ତ ୨୧୯ ଦଶମିକ ୯ ମିଲିମିଟର ବର୍ଷା ହୋଇଛି । ତେବେ ସ୍ୱାଭାବିକ ବର୍ଷାର ପରିମାଣ ୩୦୪ ଦଶମିକ ୨ ମିଲିମିଟର ରହିଛି ।

********************************
**